ଗ୍ରାମୀଣ କୃଷି ମୌସୁମୀ ସେବା

ଭାରତୀୟ ପାଣିପାଗ ବିଭାଗ

ଓଡ଼ିଶା କୃଷି ଓ ୍ୈଫଷୟିକ ଫିଶ୍ୱଫିଦୟା□ୟ

ଭୁବନେଶ୍ୱର, ଓଡ଼ିଶା

# କୃଷି ଉପଦେଶ ପ୍ରସାରିତ ସମାଚାର

**ତାରିଖ : 24-02-2026**

**ଜଗତସିଂହପୁର(ଓଡିଶା) - :2026-02-24 ( ଆସନ୍ତା ପାଞ୍ଚଦିନର ୦୮.୩୦ ଭାରତୀୟ ମାନକ ସମୟ ପର୍ଯ୍ୟନ୍ତ)**

| ପାଣିପାଗ କାରକ | 2026-02-25 | 2026-02-26 | 2026-02-27 | 2026-02-28 | 2026-03-01 |
|---|---|---|---|---|---|
| ବର୍ଷା (ମିମି) | 4.0 | 1.0 | 0.0 | 0.0 | 0.0 |
| ସର୍ବାଧିକ ତାପମାତ୍ରା (°ସେଲସିୟସ) | 31.0 | 32.0 | 32.0 | 32.0 | 33.0 |
| ସର୍ବନିମ୍ନ ତାପମାତ୍ରା (°ସେଲସିୟସ) | 22.0 | 21.0 | 20.0 | 19.0 | 19.0 |
| ଆପେକ୍ଷିକ ଆର୍ଦ୍ରତା I (ପ୍ରତିଶତ) | 94 | 90 | 91 | 93 | 93 |
| ଆପେକ୍ଷିକ ଆର୍ଦ୍ରତା II (ପ୍ରତିଶତ) | 41 | 40 | 40 | 35 | 33 |
| ପବନର ବେଗ (କିମି ପ୍ରତି ଘଣ୍ଟା) | 8 | 10 | 5 | 6 | 9 |
| ପବନର ଦିଗ (ଡିଗ୍ରୀ) | 207 | 224 | 337 | 216 | 220 |
| ମେଘାଚ୍ଛନ (ଅକ୍ଟା) | 4 | 2 | 1 | 1 | 1 |
| ସତର୍କବାଣୀ | ବଜ୍ରପାତ ଏବଂ ବଜ୍ରପାତ, ସ୍କାଲ୍ ଇତ୍ୟାଦି \|; ଶକ୍ତିଶାଳୀ ସତହୀୟ ପବନ; କୁହୁଡ଼ି | କୌଣସି ସତର୍କତା ନାହିଁ | କୌଣସି ସତର୍କତା ନାହିଁ | କୌଣସି ସତର୍କତା ନାହିଁ | କୌଣସି ସତର୍କତା ନାହିଁ |

## ପୂର୍ବାନୁମାନ ସାରାଂଶ:

ଭାରତୀୟ ପାଣିପାଗ ବିଭାଗ ର ପୂର୍ବନୁମାନ ଅନୁସାରେ, ଜିଲ୍ଲାରେ ଆଗାମୀ ଦୁଇ ଦିନ ପର୍ଯ୍ୟନ୍ତ ଅତି ସ୍ୱଳ୍ପ ରୁ ସ୍ୱଳ୍ପ ବର୍ଷା ଓ ଅନ୍ୟ ଦିନ ମାନଙ୍କରେ ପାଗ ଶୁଖିଲା ରହିବାର ସମ୍ଭାବନା ରହିଅଛି । ଆଗାମୀ ୫ ଦିନ ପର୍ଯ୍ୟନ୍ତ ଆକାଶ ମୁଖ୍ୟତଃ ପରିଷ୍କାର ରୁ ଆଂଶିକ ମେଘୁଆ ରହିବାର ସମ୍ଭାବନା ରହିଛି । ଆଗାମୀ ୫ ଦିନ ପର୍ଯ୍ୟନ୍ତ ପବନ ୦୫ – ୧୦ କି.ମି. ପ୍ରତି ଘଣ୍ଟା ବେଗରେ ପ୍ରବାହିତ ହେବାର ସୂଚନା ରହିଛି । ଆଗାମୀ ୫ ଦିନ ପର୍ଯ୍ୟନ୍ତ ସର୍ବୋଚ୍ଚ ତାପମାତ୍ରା ୩୧ - ୩୩ °C ମଧ୍ୟରେ ରହିବାର ସମ୍ଭାବନା ଥିବାବେଳେ ସର୍ବନିମ୍ନ ତାପମାତ୍ରା ୧୯ - ୨୨ °C ମଧ୍ୟରେ ରହିବାର ସମ୍ଭାବନା ରହିଅଛି ।

## ଆବହାବିକ ସତର୍କତା (ପରବର୍ତ୍ତୀ ଦିନ 08:30 IST ଯାଁଚାଯିବାକୁ):

| |
|---|
| ଆସନ୍ତାକାଲି ବିଜୁଳି ଓ ଘଡଘଡି ର ସତର୍କତା ଚେତାବନୀ ରହିଛି । |

### ଆବହାବିକ ସତର୍କତାର କୃଷି ଉପରେ ସମ୍ଭାବ୍ୟ ପ୍ରଭାବ ଓ ସଂଶ୍ଲିଷ୍ଟ ଏଗ୍ରୋମେଟ ପରାମର୍ଶ:

| |
|---|
| ନାହିଁ |

### ସାଧାରଣ ଉପଦେଶ:

| |
|---|
|  ଫେବ୍ରୁୟାରୀ-ମାର୍ଚ ହେଉଛି ଝୁଡଙ୍ଗ, ଗୁଆଁର, କଖାରୁ, କାକୁଡି ଏବଂ ତରଭୁଜ ଲଗାଇବାର ଉପଯୁକ୍ତ ସମୟ ।  ଅଧିକ ଅମଳକ୍ଷମ ଧାନ କିସମ ପାଇଁ ପିଲସାର ହିସାବରେ ଧାନ ରୋଇବାର 3 ସପ୍ତାହ ବେଳକୁ ଏକର ପ୍ରତି 35 କିଲୋଗ୍ରାମ ୟୁରିଆ ସାର ପ୍ରୟୋଗ କରନ୍ତୁ ।  ସର୍ବାଧିକ ଏବଂ ସର୍ବନିମ୍ନ ତାପମାତ୍ରା ମଧ୍ୟରେ ବୃଦ୍ଧି ପାଉଥିବା ତାରତମ୍ୟ ମହିଷା ରୋଗ ର କାରଣ ହୋଇପାରେ । ମହିଷା ରୋଗର ଲକ୍ଷଣ ଦେଖାଗଲେ, ଶୃଙ୍ଖଳା ପାଗ ଦେଖି ଏକର ପ୍ରତି ୨୦୦ ଲିଟର ପାଣିରେ ୮୦ ଗ୍ରାମ tebuconazole ୫୦% ସହିତ trifloxystrobin ୨୫% W.G. କିମ୍ବା isoprothiolane ୪୦ E.C. ୩୦୦ ମି.ଲି. ମିଶାଇ ସିଂଚନ କରନ୍ତୁ । ୭ ରୁ ୧୦ ଦିନ ବ୍ୟବଧାନରେ ଆଉଥରେ ପ୍ରୟୋଗ କରନ୍ତୁ ।  ଅମଳ ଉପଯୋଗୀ ପନିପରିବା କୁ ଯଥା ଶୀଘ୍ର ଅମଳ କରି ଦିଅନ୍ତୁ ଓ ସୁରକ୍ଷିତ ସ୍ଥାନ ରେ ରଖନ୍ତୁ ।  ଧାନ ଜମିରେ ହୁଡା ବାନ୍ଧି ବର୍ଷା ପାଣିକୁ ସଂରକ୍ଷଣ କରି ରଖନ୍ତୁ ।  ବଜ୍ରଧ୍ୱନି ଶୁଣିବା ପରେ , ସମସ୍ତ କାର୍ଯ୍ୟ ବନ୍ଦକରି ସୁରକ୍ଷିତ ସ୍ଥାନକୁଯାଆନ୍ତୁ । ଉଚ୍ଚ ଗଛ, ବିଦ୍ୟୁତ୍ ଖୁଣ୍ଟି କିମ୍ବା ଅସ୍ଥାୟୀ ଛପର ତଳେ ଶରଣ ନିଅନ୍ତୁ ନାହିଁ । ଯଦି କୌଣସି ସୁରକ୍ଷିତ ସ୍ଥଳ ଉପଲବ୍ଧ ନଥାଏ, ତେବେ ଖୋଲା ଜାଗାରେ ତଳକୁ ବସି ଦୁଇଟି ପାଦକୁ ଏକସାଥିରେ ରଖନ୍ତୁ, ଯେପରିକି ଶରୀରର ସବୁଠାରୁ କମ ଅଂଶ ମାଟି ସହିତ ଲାଗିରହିବ । |

### ମୋବାଇଲ ରେ ପଠାଯାଉଥିବା ସଂକ୍ଷିପ୍ତ ଉପଦେଶ:

| |
|---|
|  ବଜ୍ରଧ୍ୱନି ଶୁଣିବା ପରେ , ସମସ୍ତ କାର୍ଯ୍ୟ ବନ୍ଦକରି ସୁରକ୍ଷିତ ସ୍ଥାନକୁଯାଆନ୍ତୁ । ଉଚ୍ଚ ଗଛ, ବିଦ୍ୟୁତ୍ ଖୁଣ୍ଟି କିମ୍ବା ଅସ୍ଥାୟୀ ଛପର ତଳେ ଶରଣ ନିଅନ୍ତୁ ନାହିଁ । |

### ଶସ୍ୟ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:

| ଶସ୍ୟ | ଶସ୍ୟ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ଧାନ |  ଜୀବାଣୁଜନିତ ପତ୍ରପୋଡା ରୋଗ ଜୀବାଣୁଜନିତ ପତ୍ରପୋଡା ରୋଗ ଦେଖାଦେଲେ ପ୍ରଥମେ ଆକ୍ରାନ୍ତ ଧାନ କିଆରି ରେ ପାଣି ଜମି ରହୁଥିଲେ ପାଣି କାଟି ଦିଅନ୍ତୁ। ବିଲ ରୁ ଅନାବନା ଘାସ ବାଛି ଦିଅନ୍ତୁ। ରୋଗ ଲାଗିଥିବା ସମୟ ରେ ଯବକ୍ଷାରଜାନ ଜାତୀୟ ସାର ପ୍ରୟୋଗ କରନ୍ତୁ ନାହିଁ । ଏକର ପ୍ରତି ୬-୮ କିଲୋଗ୍ରାମ ମୁରେଟ ଅଫ ପଟାସ ସାର ପ୍ରୟୋଗ କରନ୍ତୁ। ଏହି ରୋଗର ପରିଚାଳନା ପାଇଁ ଶୃଙ୍ଖଳା ପାଗ ଦେଖି ଏକର ପ୍ରତି ୬୦୦ ଗ୍ରାମ Copper Hydroxide ନାମକ ଔଷଧ କିମ୍ବା ୨୦୦ଗ୍ରାମ Plantomycin ସହିତ ୬୦୦ଗ୍ରାମ Copper Oxy Chloride ନାମକ ଔଷଧ, ଏକର ପ୍ରତି ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । |
| ମୁଗ |  ପାଉଁଶିଆ ରୋଗ ଶୃଙ୍ଖଳା ପାଗ ଦେଖି ବିରି ଏବଂ ମୁଗ ଫସଲ ରେ ପାଉଁଶିଆ ରୋଗର ପରିଚାଳନା ପାଇଁ ଏକର ପ୍ରତି ୮୦୦ ଗ୍ରାମ Sulphur ନାମକ ଫିମ୍ପିନାଶକ କିମ୍ବା ୩୦୦ମିଲି Hexaconazole ନାମକ ଫିମ୍ପିନାଶକ କିମ୍ବା ୨୦୦ ମିଲି Propiconazole ନାମକ ଫିମ୍ପିନାଶକ କିମ୍ବା ୧୦୦-ମିଲି Penconazole ନାମକ ଫିମ୍ପିନାଶକ ଯାହାକି, ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ । |

| ଶସ୍ୟ | ଶସ୍ୟ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ବାଦାମ | □ ଶୋଷକ ପୋକ ଚିନାବାଦାମ ଫସଲରେ ପ୍ରାଥମିକ ଅବସ୍ଥାରେ ଜଉ ପୋକ ଓ ପତ୍ର ଉକୁଣିଆ ପୋକ ର ଆକ୍ରମଣ କମ ଦେଖା ଦେଉଥିଲେ ଏକର ପ୍ରତି ୧-ଲିଟର ନିମ୍ବ ଆଧାରିତ କୀଟନାଶକ ୩୦୦ PPM କୁ ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ। ପୋକ ଆକ୍ରମଣ ଅଧିକ ଦେଖା ଦେଲେ ଶୁଖିଲା ପାଗ ଦେଖି ରାସାୟନିକ ଉପାୟରେ ଜଉ ଓ ପତ୍ର ଉକୁଣିଆ ପୋକ ର ପରିଚାଳନା ପାଇଁଏକର ପ୍ରତି ୪୦ ଗ୍ରାମ Thiamethoxam ନାମକ କୀଟନାଶକ କିମ୍ବା ୫୦-ମିଲି Imidacloprid ନାମକ କୀଟନାଶକ, ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ । |

## ଉଦ୍ୟାନକୃଷି ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:

| ଉଦ୍ୟାନକୃଷି | ଉଦ୍ୟାନକୃଷି ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ଟମାଟର | □ ଧଳାମାଛି ବାଇଗଣ ଓ ବିଲାତି ବାଇଗଣ ଫସଲରେ ଧଳାମାଛି ର ପରିଚାଳନା ପାଇଁ ଏକର ପ୍ରତି ୮-୧୦ ଟି ହଳଦିଆ ଆଠ ଯୁକ୍ତ ଯନ୍ତା ଲଗାନ୍ତୁ । ପ୍ରାଥମିକ ଅବସ୍ଥା ରେ ଏହି ପୋକ ର ପରିଚାଳନା ପାଇଁ ଏକର ପ୍ରତି ୬୦୦ ମି.ଲି ନିମ୍ବ ଆଧାରିତ କୀଟନାଶକ ୧୫୦୦ ପିପିଏମ Azadirachtin କୁ ୨୦୦ ଲିଟର ପାଣି ରେ ମିଶାଇ ସିଂଚନ କରନ୍ତୁ । ରାସାୟନିକ ଉପାୟରେ ଟମାଟୋ ଫସଲରେ ଧଳା ମାଛି ର ପରିଚାଳନା ପାଇଁ ଏକର ପ୍ରତି ୪୦ ଗ୍ରାମ Thiamethoxam ନାମକ କୀଟନାଶକ କିମ୍ବା ୨୦୦ ମିଲି Pyriproxifen ନାମକ କୀଟନାଶକ କିମ୍ବା ୨୫୦ ମିଲି Spiromesifen ନାମକ କୀଟନାଶକ, ୨୦୦ ଲିଟର ପାଣିରେ ମିଶାଇ ଶୁଖିଲା ପାଗ ଦେଖି ସିଂଚନ କରନ୍ତୁ । |
| | □ ଶୁଖିଲା ପାଗ ଦେଖି ଛୁଇଁବିନ୍ଧା ପୋକର ଦମନ ପାଇଁ ଏକର ପ୍ରତି ୮୦ ଗ୍ରାମ କ୍ରୀୟାଶୀଳ ସାଇପର ମେଥରିନ୍ 15 ଦିନ ଅନ୍ତରରେ 2 ଥର ପ୍ରୟୋଗ କରନ୍ତୁ I |
| କଲରା | □ ବର୍ତମାନ ସମୟରେ କଖାରୁ ଜାତୀୟ ପନିପରିବା ଯଥା କଖାରୁ, କାକୁଡି, କଲରା, ତରଭୁଜ ଆଦି ଫସଲ ରେ ନାଲି କଖାରୁ ପୋକ ଲାଗିବାର ସମ୍ଭାବନା ରହିଛି । ଏହି ପୋକ ର ପରିଚାଳନା ପାଇଁ ଏକର ପ୍ରତି ୪୦୦ ଗ୍ରାମ Cyantraniliprole କିମ୍ବା ୬୦ମିଲି Imidacloprid କିମ୍ବା ୪୦୦ ମିଲି Chlorpyriphos ନାମକ କୀଟନାଶକ, ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ । |
| ତରବୁଜ | □ ଉନ୍ନତ କିସମ ଯଥା ସୁଗାର ବେବି, ଅର୍କ ମାଣିକ, ଲାଲ ସୋନା ଓ ଶଙ୍କର ବା ହାଇବ୍ରୀଡ କିସମ ଯଥା ମାଧୁରୀ, ମାୟା, ସୁଇଟ ରୁବି, ବ୍ଲାକ ମ୍ୟାଜିକ ଓ ସୁଗାର ପ୍ୟାକ ଆଦି କିସମ ଲଗାନ୍ତୁ । ଏକ ଏକର ପାଇଁ ୪୦୦ ରୁ ୮୦୦ ଗ୍ରାମ ମଞ୍ଜି ଆବଶ୍ୟକ ହୋଇଥାଏ । ମଞ୍ଜି ଲଗାଇବା ପୂର୍ବ ରୁ ପ୍ରତି କିଲୋଗ୍ରାମ ମଞ୍ଜି କୁ ୧ ଗ୍ରାମ carbendazim ରେ ବିଶୋଧନ କରନ୍ତୁ । |
| ଆମ୍ବ | □ ଦହିଆ ପୋକ ବର୍ତମାନ ଜଳବାୟୁ ରେ ପିଜୁଳି ଓ ଆମ୍ବ ରେ ଦହିଆ ପୋକ ଲାଗିବାର ସମ୍ଭାବନା ଅଛି । ଏହାର ନିୟନ୍ତ୍ରଣ ପାଇଁ ଶୁଖିଲା ପାଗ ଦେଖି ଫେବ୍ରୁଆରି ଓ ମାର୍ଚ ମାସରେ Dimethoate ୩୦ EC @ ୨ ମିଲି ପ୍ରତି ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ । |
| କଦଳୀ | □ ପାନାମା ଝାଉଂଳା ରୋଗ ପ୍ରତି ୧୦ଲିଟର ପାଣିରେ ୧୦ ଗ୍ରାମ Carbendazim ନାମକ ଫିମ୍ପିନାଶକ ମିଶାଇ ଏହି ଦ୍ରବଣରେ ପୁଆ ଗୁଡିକୁ ବୁଡାଇ ବିଶୋଧନ କରନ୍ତୁ । ପୁଆ ଲଗାଇବାର ୫ ମାସ ପରେ ପ୍ରତି ୨ ମାସରେ ଥରେ ପ୍ରତି ୧୦ଲିଟର ପାଣିରେ ୧୦ ଗ୍ରାମ ହିସାବରେ Carbendazim ନାମକ ଫିମ୍ପିନାଶକ ମିଶାଇ ଏହି ଦ୍ରବଣରେ ଗଛ ମଳୂମାଟିକୁ ଭଲ ଭାବରେ ଭିଜାନ୍ତୁ । ଏହି ରୋଗ ଲାଗିବାର ଦେଖାଦେଲେ ଗଛ କୁ କାଟି ପୋତି ଦିଅନ୍ତୁ କିମ୍ବା ଓପାଡି ଦିଅନ୍ତୁ । |

## ପଶୁ ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:

| ପଶୁ ପାଳନ | ପଶୁ ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ଗାଈ | □ ବର୍ତ୍ତମାନ ତାପମାତ୍ରା ବୃଦ୍ଧି ପାଉଥିବା ରୁ ଗାଈଗୋରୁ ଙ୍କୁ ପର୍ଯ୍ୟାପ୍ତ ପରିମାଣର ପିଇବା ପାଣି ଲୁଣ ମିଶାଇ ଦିଅନ୍ତୁ । ଗାଈଗୋରୁ ମାନେ ଯେପରି ଛାଇ ସ୍ଥାନରେ ରହିବେ ସେଥି ପ୍ରତି ଦୃଷ୍ଟି ଦିଅନ୍ତୁ । |

**ଆବହାବିକ ସତର୍କତାର ସମ୍ଭାବ୍ୟ ପ୍ରଭାବ (ସାଧାରଣ):**

| |
|---|
| ନାହିଁ |

**ପ୍ରଭାବ ଆଧାରିତ ପରାମର୍ଶ (ସାଧାରଣ):**

| |
|---|
| ନାହିଁ |

**Farmers are advised to download Unified �Mausam� and "Meghdoot" android application on mobile for Weather forecast and weather based Agromet Advisories and "Damini" android application for forecast of Thunderstorm and lightening.**

**Mausam MobileApp link: https://play.google.com/store/apps/details/**

**Meghdoot MobileApp link: https://play.google.com/store/apps/details**

**Damini MobileApp link : https://play.google.com/store/apps/details**